# ଆଜି ଅନୁଗୋଳ ଜିଲ୍ଲାରୁ ୨୭ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୭୯୪ରେ ପହଞ୍ଚିଲା - ସୁସ୍ଥ ହେଲେ ୨୭ ଜଣ ।

ଅନୁଗୋଳ, ତା୨୭.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୨୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି ।ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୧୦ ରେ ପହଂଚିଛି ।ତାଳଚେର ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୬ଜଣ(୪ଜଣ ପୁରୁଷ ଓ ୨ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୫ଜଣ( ୧ଜଣ ପୁରୁଷ ଓ ୪ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୫ଜଣ ( ୨ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ(୨ ଜଣ ପୁରୁଷ), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ (୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ପାଳଲହଡା ବ୍ଲକ, ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୭ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୧ଜଣ କୋଭିଡ ହସପିଟାଲରୁ ଓ ୨୬ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୪୨ ତା.୨୭.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ